**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

**ବିଜେଡିର ମିଶ୍ରଣ ପର୍ବ**

## ବିଜେଡ଼ିରେ ଯୋଗଦେଲେ ଡାକ୍ତର ଅୟସକାନ୍ତ ମହାନ୍ତି ଓ ଡାକ୍ତର ପି.କେ ସାହୁ

**ଭୁବନେଶ୍ୱର, ୨୨/୦୫/୨୦୨୪:** ରାଜ୍ୟର ଦୁଇ ପ୍ରତିଷ୍ଠିତ ଡାକ୍ତର ଅୟସକାନ୍ତ ମହାନ୍ତି ଓ ଡାକ୍ତର ପି.କେ ସାହୁ ଆଜି ଶଙ୍ଖଭବନ ଠାରେ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ଡାକ୍ତର ଅୟସକାନ୍ତ ମହାନ୍ତି ଓ ଡାକ୍ତର ପି.କେ ସାହୁଙ୍କୁ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ଆଜି ଉଭୟ ଡାକ୍ତରଙ୍କ ଯୋଗଦାନ ଫଳରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ଉଭୟ ଡାକ୍ତର ନିଜ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲୁ। ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଆମକୁ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବୁ । ଦଳରେ ଆମକୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ ।

ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

**(ପ୍ରିୟବ୍ରତ ମାଝୀ)**
**ମୁଖପାତ୍ର, ବିଜୁ ଜନତା ଦଳ**


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା